# ବିଶ୍ୱବିଦ୍ୟାଳୟରେ ମନ୍ମଥ ନାଥ ଦାସଙ୍କ ଜନ୍ମ ଶତବାର୍ଷିକୀ

ରେମୁଣା,୨୫।୫(ନିପ୍ର): ଫକୀର ମୋହନ ବିଶ୍ୱବିଦ୍ୟାଳୟ ଓ କେନ୍ଦ୍ର ସାହିତ୍ୟ ଏକାଡେମିର ମିଳିତ ଆନୁକୂଲ୍ୟରେ ଜାତୀୟ ତଥା ଅନ୍ତର୍ଜାତୀୟ ଖ୍ୟାତିସମ୍ପନ୍ନ ଐତିହାସିକ, ସାହିତ୍ୟିକ, ବିଶିଷ୍ଟ ଶିକ୍ଷାବିତ, ଉତ୍କଳ ବିଶ୍ୱବିଦ୍ୟାଳୟର ପୂର୍ବତନ କୁଳପତି, ପୂର୍ବତନ ରାଜ୍ୟସଭା ସାଂସଦ, ବାଲେଶ୍ୱର ଜିଲା, ଭୋଗରାଇ ବ୍ଲକ ଶଙ୍ଖାରି ଗାଁର ସନ୍ତାନ ଡ. ମନ୍ମଥ ନାଥ ଦାସଙ୍କ ଜନ୍ମ ଶତବାର୍ଷିକୀ ଫକୀର ମୋହନ ବିଶ୍ୱବିଦ୍ୟାଳୟରେ ପାଳିତ ହୋଇଯାଇଛି। କୁଳପତି ପ୍ରଫେସର ସନ୍ତୋଷ କୁମାର ତ୍ରିପାଠୀ କାର୍ଯ୍ୟକ୍ରମକୁ ଉଦଘାଟନ କରିଥିଲେ।

ସମ୍ମାନନୀୟ ଅତିଥି ଡ. ମନ୍ମଥ ନାଥ ଦାସଙ୍କ ବୋହୂ ରଞ୍ଜିତା ଦାସ ଫକୀର ମୋହନ ବିଶ୍ୱବିଦ୍ୟାଳୟ ତଥା ସାହିତ୍ୟ ଏକାଡେମିର ମିଳିତ ପ୍ରୟାସକୁ ଧନ୍ୟବାଦ ଦେବା ସହ ଏହି ସମ୍ମାନପ୍ରଦ କାର୍ଯ୍ୟକ୍ରମ ଆୟୋଜନକୁ ନେଇ ଭାବାବେଗ ସହ ନିଜ ଅଭିଭାଷଣ ପ୍ରଦାନ କରିଥିଲେ। ସଭା ମୁଖ୍ୟ କେନ୍ଦ୍ର ସାହିତ୍ୟ ଏକାଡେମୀର ଓଡ଼ିଆ ଉପଦେଷ୍ଟା ପରିଷଦର ଆବାହକ ଡ. ଗୌରହରି ଦାସ ମନ୍ମଥ ନାଥଙ୍କ ରଚିତ ପୁସ୍ତକଗୁଡିକ ଉପରେ ଆଲୋକପାତ କରିଥିଲେ। ଐତିହାସିକ ଭାବେ ତାଙ୍କ ଜୀବନ, ଦର୍ଶନ ଓ ସାହିତ୍ୟ ସାଧନାର ଉଦାହରଣ ଏବଂ ସ୍ୱ-ଅନୁଭୂତିଗୁଡ଼ିକୁ ନିଜ ଉଦବୋଧନରେ ଉଲ୍ଲେଖ କରିଥିଲେ। ମୁଖ୍ୟ ବକ୍ତା ବିଶିଷ୍ଟ ଐତିହାସିକ ଖାରବେଳ ମହାନ୍ତି ମନ୍ମଥ ନାଥ ଦାସଙ୍କ ସଂପର୍କିତ ଅନେକ ପ୍ରସଙ୍ଗ ଉପସ୍ଥାପନ କରିଥିଲେ। ସେ ମନ୍ମଥନାଥଙ୍କୁ ଏକାଧାରରେ ଜଣେ ଶିକ୍ଷକ, ସାହିତ୍ୟିକ, ମାନବବାଦୀ ଐତିହାସିକ ବୋଲି ସମ୍ବୋଧନ କରିଥିଲେ। ବିଶ୍ୱ ଇତିହାସ ପୃଷ୍ଠାକୁ ମନ୍ମଥ ନାଥଙ୍କ ଅବଦାନକୁ ସେ ଅତ୍ୟନ୍ତ ଗଭୀର ଓ ତତ୍ତ୍ୱସଂପନ୍ନ ଭାବେ ବ୍ୟାଖ୍ୟା କରିଥିଲେ। ଏହି ଅବସରରେ କୁଳପତି ପ୍ରଫେସର ତ୍ରିପାଠୀ, ମନ୍ମଥ ନାଥଙ୍କୁ ରାଜ୍ୟ, ଦେଶ ତଥା ବିଶ୍ୱର ଜଣେ ଯୋଗଜନ୍ମା ପୁରୁଷ କହି ସମ୍ବୋଧନ କରିବା ସହ ସେ ଶୈକ୍ଷିକ ଜଗତର ସୂର୍ଯ୍ୟୋଦୟ ଥିଲେ ବୋଲି ମତ ବ୍ୟକ୍ତ କରିଥିଲେ।



ଏହି କାର୍ଯ୍ୟକ୍ରମର ଦୁଇଟି ବୈଷୟିକ ଅଧିବେଶନରେ ଦାଶ ବେନହୁର, ଅଭିରାମ ବିଶ୍ୱାଳ, ରୁଦ୍ରାଣୀ ମହାନ୍ତି, ସହଦେବ ସାହୁ, ଅଶୋକ ପଟ୍ଟନାୟକ, କୃଷ୍ଣଚନ୍ଦ୍ର ପ୍ରଧାନ, ଲକ୍ଷ୍ମୀକାନ୍ତ ତ୍ରିପାଠୀ, ପ୍ରହ୍ଲାଦ ସିଂହ ପ୍ରମୁଖ ଯୋଗଦେଇ ମନ୍ମଥ ନାଥଙ୍କ ସଂପର୍କରେ ଆଲୋଚନା କରିଥିଲେ। ଉଦଘାଟନୀ ସଭାରେ ସାହିତ୍ୟ ଏକାଡେମି କଲିକାତା କାର୍ଯ୍ୟାଳୟର ଭାରପ୍ରାପ୍ତ ଅଧିକାରୀ କ୍ଷେତ୍ରବାସୀ ନାଏକ ଉପସ୍ଥିତ ହୋଇ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। କାର୍ଯ୍ୟକ୍ରମକୁ ଭାଷା ଓ ସାହିତ୍ୟ ବିଭାଗର ମୁଖ୍ୟ ପ୍ରଫେସର ଦେବାଶିଷ ପାତ୍ର ସଂଚାଳନ କରିଥିଲେ। ସହକାରୀ ପ୍ରଫେସର ଡ. ଜୟନ୍ତ କୁମାର ଦାସ ଓ ଡ. ପ୍ରହ୍ଲାଦ ଖିଲା ଧନ୍ୟବାଦ ଦେଇଥିଲେ।